# ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୨୩ ଜଣ କରୋନା ପଜିଟିଭ ଚିହ୍ନଟ - ସୁସ୍ଥ ହେଲେ ୧୦ ଜଣ ।

ଅନୁଗୋଳ,ତା. ୭.୯:- ଆଜି ଅନୁଗୋଳ ଜିଲ୍ଲାରୁ ୨୩ ଜଣ କରୋନା ପଜିଟିଭ ଚିହ୍ନଟ ହୋଇ ପଜିଟିଭ ସଂଖ୍ୟା ୧୩୧୭ରେ ପହଞ୍ଚିଲା । ଆଜି ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ କିଶୋରନଗର ବ୍ଲକ୍ ଅଂଚଳରୁ ୫ ଜଣ(ପୁରୁଷ) , ଅନୁଗୋଳ ପୌରାଂଚଳରୁ ୪ ଜଣ(ପୁରୁଷ),ପାଲଲହଡା ବ୍ଲକ୍ ଅଂଚଳରୁ ୩ ଜଣ(ପୁରୁଷ),କଣିହାଁ ବ୍ଲକ୍ ଅଂଚଳରୁ ୨ଜଣ(ପୁରୁଷ) ବାହାରିଥିବାବେଳେ ବଁଅରପାଲ ବ୍ଲକ୍ ଅଂଚଳରୁ ୩ ଜଣ (ଜଣେ ପୁରୁଷ ୨ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୩ଜଣ(ଜଣେ ପୁରୁଷ ,୨ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ ଜଣ (ଜଣେ ପୁରୁଷ , ଜଣେ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ଜଣେ ( ପୁରୁଷ) ଆକ୍ରାନ୍ତ ଚିହ୍ନଟ ହୋଇ ଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଇଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରହିବାର ବ୍ୟବସ୍ଥା କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ପ୍ରକାଶ କରିଛନ୍ତି । ଇତିମଧ୍ୟରେ ସୁସ୍ଥ ହୋଇଥିବା ୧୦ ଜଣଂକୁ ନିଜ ଘରେ Isolation ରେ ରହିବାକୁ ପରାମର୍ଶ ଦିଆଯାଇଛି । ପୂର୍ବରୁ ସୁସ୍ଥ ହୋଇଥିବା ୫୨୮ ଜଣଙ୍କୁ ମିଶାଇ ସୁସ୍ଥଙ୍କ ସଂଖ୍ୟା ୫୩୮ ରେ ପହଂଚିଲା ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୬୦୯ ତା.୭.୯.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

(signature) ୭/୯/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ